OFFICE OF THE TAHASILDAR BARIPADA, MAYURBHANJ

# ତହସିଲଦାରଙ୍କ କାର୍ଯ୍ୟାଳୟ,ବାରିପଦା

**ଇସ୍ତାହାର** (D.R Case No-**03/2025**)

( ସରକାରୀ ଜମିର ଖାତା ପରିବର୍ତ୍ତନ ସମ୍ବନ୍ଧେ )

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆ ଯାଉଅଛି ଯେ, ନିମ୍ନ ତଫସିଲ ବର୍ଣ୍ଣିତ ଜମି ***ଓଡିଶା ସରକାର, ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ବିଭାଗଙ୍କୁ ବିଭାଗ ଙ୍କୁ*** **GNM Training School and Hostel Building and BSC Nursing School** ***ବାରିପଦା ନିର୍ମାଣ*** ନିମନ୍ତେ ଏଲାଇନେସନ ସୂତ୍ରେ ବଂନ୍ଦୋବସ୍ତ କରିବାର ପ୍ରସ୍ତାବ ହୋଇଅଛି । ଯେହେତୁ ଉକ୍ତ ଜମି ସରକାରୀ ରକ୍ଷିତ ଖାତା ଏବଂ କିସମ-ଘରବାରି ଅଛି ତାର ପରିବର୍ତ୍ତନ ଆବଶ୍ୟକ ହେଉଅଛି । ଏଣୁ ଏହି **ଖାତା** ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ତିରିଶ (୧୫) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

**ତ ଫ ସି ଲ**

ମୌଜାର ନାମ- ବଡ଼ଭିଲା ଥାନାର ନାମ :- ବାରିପଦା ନଂ:- ୧୩୦

| ଖାତା ନଂ | ପ୍ଲଟ ନଂ | ରକବା (ଏକରରେ) | ବର୍ତ୍ତମାନର କିସମ | ଆବଶ୍ୟକ ପରିବର୍ତ୍ତିତ ଖାତା |
|---|---|---|---|---|
| ୧୪୬ (ରକ୍ଷିତ) | ୨/୧ | ଏ. ୭.୮୧ ମଧ୍ୟରୁ ଏ. ୫.୦୦ | ଘରବାରି | ଖାତା-ଆବାଦ ଯୋଗ୍ୟ ଅନାବାଦୀ କିସମ-ପତିତ |
| ମୋଟ | | ଏ. ୫.୦୦ | | |

ତହସିଲଦାର, ବାରିପଦା

TAHASILDAR
BARIPADA

ଏହାର ଏକକିତା ନକଲ **ବଡ଼ଭିଲା** ମୌଜାରେ ଢେଙ୍ଗୁରା ଦ୍ୱାରା ଜାରି କରିବାକୁ ପଠାଗଲା । ଏହାର ଏକକିତା ନକଲ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ବାରିପଦା/ ରାଜସ୍ୱ ନିରୀକ୍ଷକ, **ବାରିପଦା-୨** / ସରପଞ୍ଚ, **ବାଙ୍କୀଶୁଳ**ଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।

ଏହାର ଏକକିତା ନକଲ ବାରିପଦା ତହସିଲ ଅଫିସ ନୋଟିସବୋର୍ଡରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ମୃତ୍ତିକା ସଂରକ୍ଷଣ ଅଧିକାରୀ, ବାରିପଦାଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦା ଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

ତହସିଲଦାର, ବାରିପଦା

TAHASILDAR
BARIPADA